## ଆଜି ଅନୁଗୋଳ ଜିଲ୍ଲାରୁ ୧୧୮ ଜଣ କରୋନା ପଜିଟିଭ ଚିହ୍ନଟ ।

**ପଜିଟିଭ ସଂଖ୍ୟା ୪୦୦୨୯ ରେ ପହଞ୍ଚିଲା - ସୁସ୍ଥ ହେଲେ ୧୮୬ଜଣ ।**

ଅନୁଗୋଳ, ତା.୨୩.୦୬:- ଆଜି ଅନୁଗୋଳ ଜିଲ୍ଲାରେ ୧୧୮ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ତାଳଚେର ବ୍ଲକ୍ ଅଂଚଳରୁ ୨୧ଜଣ ( ୧୨ଜଣ ପୁରୁଷ ଓ ୯ଜଣ ମହିଳା), ବଁଅରପାଳ ବ୍ଲକ୍ ଅଂଚଳରୁ ୧୯ଜଣ ( ୧୦ଜଣ ପୁରୁଷ ଓ ୯ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୮ଜଣ ( ୧୨ଜଣ ପୁରୁଷ ଓ ୬ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୧୩ ଜଣ (୭ ଜଣ ପୁରୁଷ ଓ ୬ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୧୦ଜଣ (୯ ଜଣ ପୁରୁଷ ଓ ୧ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୯ଜଣ ( ୭ଜଣ ପୁରୁଷ ଓ ୨ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୮ଜଣ ( ୫ଜଣ ପୁରୁଷ ଓ ୩ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୭ଜଣ ( ୫ଜଣ ପୁରୁଷ ଓ ୨ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୬ଜଣ (୫ ଜଣ ପୁରୁଷ ଓ ୧ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୪ଜଣ ( ୨ଜଣ ପୁରୁଷ ଓ ୨ଜଣ ମହିଳା) ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୩ ଜଣ (୨ ଜଣ ପୁରୁଷ ଓ ୧ଜଣ ମହିଳା) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କ ମଧ୍ୟରୁ ୩୨ ଜଣଙ୍କୁ ତାଳଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ଅନ୍ୟମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୮୬ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୧୬୧ଜଣ ମୃତ୍ୟୁବରଣ କଲେଣି ଏବଂ ଆଜି ସୁଦ୍ଧା ୨ ଲକ୍ଷ ୫୩ହଜାର ୧୫୭ ଜଣଙ୍କୁ ଟିକା ଦିଆଗଲାଣି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୩୭୨ ତା.୨୩.୦୬.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

(signature) ୨୩/୬/୨୦୨୧

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ